## ରାଜ୍ୟ ପୋଲିସ ମୁଖ୍ୟାଳୟ

## ପ୍ରେସ୍ ନୋଟ୍

### ସାଇବର ଆର୍ଥିକ ଠକେଇ ମାମଲାର ତ୍ୱରିତ ପଞ୍ଜୀକରଣ ପାଇଁ ଓଡ଼ିଶା ପୋଲିସର 'ଇ-ଜିରୋ ଏଫ୍‌ଆଇଆର୍ (e-Zero FIR)' ବ୍ୟବସ୍ଥାର ଶୁଭାରମ୍ଭ

କଟକ : ୦୮/୦୭/୨୦୨୬ -ସାଇବର ଆର୍ଥିକ ଠକେଇ ମାମଲାର ଶୀଘ୍ର ପଞ୍ଜୀକରଣ, ଦ୍ରୁତ ତଦନ୍ତ ଏବଂ ପୀଡ଼ିତଙ୍କୁ ଶୀଘ୍ର ନ୍ୟାୟ ପ୍ରଦାନ ଉଦ୍ଦେଶ୍ୟରେ ଓଡ଼ିଶା ପୋଲିସ ଆଜି 'ଇ-ଜିରୋ ଏଫ୍‌ଆଇଆର୍ (e-Zero FIR)' ବ୍ୟବସ୍ଥାର ଶୁଭାରମ୍ଭ କରିଛି। ରାଜ୍ୟ ପୋଲିସ ମୁଖ୍ୟାଳୟରେ ଆୟୋଜିତ କାର୍ଯ୍ୟକ୍ରମରେ ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଶ୍ରୀ ଯୋଗେଶ ବାହାଦୁର ଖୁରାନିଆ ଏହି ବ୍ୟବସ୍ଥାର ଉଦ୍‌ଘାଟନ କରିଥିଲେ।



ସାଇବର ଆର୍ଥିକ ଠକେଇ ଘଟଣା ବଢୁଥିବାରୁ ଅଭିଯୋଗ ପଞ୍ଜୀକରଣକୁ ଅଧିକ ଦ୍ରୁତ, ସରଳ ଓ ପ୍ରଭାବଶାଳୀ କରିବା ସହ ଠକେଇ ହୋଇଥିବା ଅର୍ଥ ଉଦ୍ଧାରର ସମ୍ଭାବନା ବଢ଼ାଇବା ପାଇଁ ଏହି ପଦକ୍ଷେପ ନିଆଯାଇଛି। ଏହା ନାଗରିକଙ୍କୁ ଅଧିକ ସ୍ୱଚ୍ଛ, ଦକ୍ଷ ଓ ଜନକଲ୍ୟାଣମୂଳକ ପୋଲିସ ସେବା ପ୍ରଦାନ ଦିଗରେ ଆଉ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ।

ଏହି ବ୍ୟବସ୍ଥାରେ ରାଜ୍ୟ ଅପରାଧ ଅଭିଲେଖ ବ୍ୟୁରୋ (SCRB) ଜାତୀୟ ସାଇବର ହେଲ୍ପଲାଇନ୍ ୧୯୩୦କୁ CCTNS ସହ ସମନ୍ୱୟ କରିଛି।

ନୂତନ ବ୍ୟବସ୍ଥା ଅନୁଯାୟୀ, ୧୦ ଲକ୍ଷ ଟଙ୍କା କିମ୍ବା ତା'ଠାରୁ ଅଧିକ ସାଇବର ଆର୍ଥିକ ଠକେଇ ସମ୍ବନ୍ଧୀୟ ଅଭିଯୋଗ ୧୯୩୦ରେ ପଞ୍ଜୀକୃତ ହେଲେ, CCTNSରେ ସ୍ୱୟଂଚାଳିତ ଭାବେ e-Zero FIR ଅନୁରୋଧ ସୃଷ୍ଟି ହେବ ଏବଂ ତାହା ଅପରାଧ ଶାଖାର ସାଇବର ପୋଲିସ ଷ୍ଟେସନ୍‌କୁ ପଠାଯିବ।

ପ୍ରାଥମିକ ଯାଞ୍ଚ ପରେ ସାଇବର ପୋଲିସ ଷ୍ଟେସନ୍ ନିୟମିତ ଏଫ୍‌ଆଇଆର୍ ପଞ୍ଜୀକରଣ କରି ତଦନ୍ତ ଆରମ୍ଭ କରିପାରିବ। ପ୍ରୟୋଜନ ଅନୁଯାୟୀ ମାମଲାକୁ ସମ୍ପୃକ୍ତ ଥାନାକୁ ସ୍ଥାନାନ୍ତର, ଜିରୋ ଏଫ୍‌ଆଇଆର୍ ଭାବେ ପଞ୍ଜୀକରଣ, ପୂର୍ବରୁ ଥିବା ମାମଲା ସହ ସଂଯୋଗ କିମ୍ବା ନିର୍ଦ୍ଧାରିତ ମାନଦଣ୍ଡ ପୂରଣ ନ କରୁଥିବା ଅଭିଯୋଗକୁ ବନ୍ଦ କରାଯାଇପାରିବ।

ଏହି ବ୍ୟବସ୍ଥା ମାଧ୍ୟମରେ ମାମଲା ପଞ୍ଜୀକରଣ ଓ ସୂଚନା ଆଦାନ-ପ୍ରଦାନ ଅଧିକ ଦ୍ରୁତ ଏବଂ ସୁବ୍ୟବସ୍ଥିତ ହେବ। ଅଭିଯୋଗକାରୀମାନେ ମଧ୍ୟ ନିଜ ମାମଲାର ଅଗ୍ରଗତି ସମ୍ପର୍କରେ ସହଜରେ ସୂଚନା ପାଇପାରିବେ।

ଏହି ଅବସରରେ ଡିଜିପି ଶ୍ରୀ ଯୋଗେଶ ବାହାଦୁର ଖୁରାନିଆ କହିଥିଲେ, "ସାଇବର ଅପରାଧର ମୁକାବିଲା ପାଇଁ ଆଧୁନିକ ପ୍ରଯୁକ୍ତିର ସର୍ବାଧିକ ବ୍ୟବହାର କରି ନାଗରିକଙ୍କୁ ତ୍ୱରିତ, ସ୍ୱଚ୍ଛ ଓ ଜନକଲ୍ୟାଣମୂଳକ ପୋଲିସ ସେବା ପ୍ରଦାନ କରିବାକୁ ଓଡ଼ିଶା ପୋଲିସ ପ୍ରତିବଦ୍ଧ।

ସେ ସାଧାରଣ ଲୋକଙ୍କୁ ଅନୁରୋଧ କରିଥିଲେ ଯେ, ସାଇବର ଆର୍ଥିକ ଠକେଇର ଶିକାର ହେଲେ ବିଳମ୍ବ ନ କରି ତୁରନ୍ତ ୧୯୩୦ରେ ଅଭିଯୋଗ କରନ୍ତୁ। ଶୀଘ୍ର ଅଭିଯୋଗ କଲେ ପୋଲିସ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନେଇପାରିବ ଏବଂ ଠକେଇ ହୋଇଥିବା ଅର୍ଥ ଫେରିପାଇବାର ସମ୍ଭାବନା ମଧ୍ୟ ବଢ଼ିବ।

ଡିଜିପି ଏହି ବ୍ୟବସ୍ଥାର ସଫଳ କାର୍ଯ୍ୟକାରିତା ପାଇଁ ରାଜ୍ୟ ଅପରାଧ ଅଭିଲେଖ ବ୍ୟୁରୋ, ଅପରାଧ ଶାଖା ଓ ସମ୍ପୃକ୍ତ ସମସ୍ତ ଅଧିକାରୀ ଓ କର୍ମଚାରୀଙ୍କ ପ୍ରୟାସକୁ ପ୍ରଶଂସା କରିଥିଲେ।

'ଇ-ଜିରୋ ଏଫ୍‌ଆଇଆର୍‌' ବ୍ୟବସ୍ଥା ଓଡ଼ିଶା ପୋଲିସର ପ୍ରଯୁକ୍ତିନିର୍ଭର, ଆଧୁନିକ ଓ ଦକ୍ଷ ପୋଲିସିଂ ବ୍ୟବସ୍ଥା ଗଠନ ଦିଗରେ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ। ଏହା ସାଇବର ଅପରାଧର ମୁକାବିଲା ସହ ପୀଡ଼ିତଙ୍କୁ ଶୀଘ୍ର ନ୍ୟାୟ ପ୍ରଦାନରେ ସହାୟକ ହେବ।

ଜୟନ୍ତ କୁମାର<br>ଲୋକସମ୍ପର୍କ ଅଧିକାରୀ